## ଜୁଲାଇରେ କୋଭିଡ୍ ମୁକାବିଲା

# ଜିଲ୍ଲାପାଳ ଓ ଏସ୍‌ପିଙ୍କ ସହ ମୁଖ୍ୟମନ୍ତ୍ରୀଙ୍କ ଆଲୋଚନା

**ଭୁବନେଶ୍ୱର, ୨୯/୬/ଏନ୍‌ଏନ୍‌ଏସ୍:**

ରାଜ୍ୟରେ କରୋନା ସଂକ୍ରମଣ ବଢ଼ିଚାଲିଥିବା ବେଳେ ଜୁଲାଇ ମାସ ପାଇଁ ରଣନୀତି ଦୃଢ଼ାନ୍ତ କରିବାକୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ସୋମବାର ସନ୍ଧ୍ୟାରେ ଭିଡିଓ କନ୍‌ଫରେନ୍ସିଂ ଜରିଆରେ ବରିଷ୍ଠ ଅଫିସର, ଜିଲ୍ଲାପାଳ ଓ ଏସ୍‌ପିମାନଙ୍କୁ ସହିତ ଆଲୋଚନା କରିଛନ୍ତି । କୋଭିଡ ପରିଚାଳନାରେ ଜିଲ୍ଲାପାଳ ଓ ଏସ୍‌ପିମାନେ ସେମାନଙ୍କର ଗତ ତିନି ମାସର ଅଭିଜ୍ଞତା ବର୍ଣ୍ଣନା କରିବା ସହିତ ଜୁଲାଇ ମାସରେ କୋଭିଡ ମୁକାବିଲା ପାଇଁ ସେମାନଙ୍କର ସୁଚିନ୍ତିତ ମତାମତ ଦେଇଛନ୍ତି । ସେମାନଙ୍କ ମତାମତ ଭିତ୍ତିରେ ରାଜ୍ୟ ସରକାର କୋଭିଡ୍ ପରିଚାଳନା ପାଇଁ ବିସ୍ତୃତ ରଣନୀତି ନିର୍ଦ୍ଧାରଣ କରିବେ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ ।

ବୈଠକରେ ଜିଲ୍ଲାପାଳ, ଏସ୍‌ପି ଓ ବରିଷ୍ଠ ଅଧିକାରୀମାନଙ୍କୁ ପରାମର୍ଶ ଦେଇ ମୁଖ୍ୟମନ୍ତ୍ରୀ କୋଭିଡ ଯୋଦ୍ଧାଙ୍କ ସ୍ୱାସ୍ଥ୍ୟର ଯତ୍ନ ଉପରେ ଗୁରୁତ୍ୱାରୋପ କରିଥିଲେ । ଲୋକଙ୍କ ସୁରକ୍ଷା ପାଇଁ ସେମାନେ ଅନେକ ତ୍ୟାଗ କରୁଛନ୍ତି । ତେଣୁ ସେମାନଙ୍କୁ ନିଜର ସୁରକ୍ଷା ସଂପର୍କରେ ସଚେତନ କରାଯିବା ଦରକାର ଓ ଏହା ବହୁତ ଗୁରୁତ୍ୱପୂର୍ଣ୍ଣ ବୋଲି ସେ କହିଥିଲେ । ମୁଖ୍ୟମନ୍ତ୍ରୀ କହିଥିଲେ ଯେ ସେ ନିଜେ ସଂକ୍ରମିତ କୋଭିଡ ଯୋଦ୍ଧାମାନଙ୍କ ସହିତ ଫୋନ୍‌ରେ କଥା ହୋଇ ସେମାନଙ୍କ ଭଲମନ୍ଦ ବୁଝୁଛନ୍ତି । ବର୍ତ୍ତମାନ ପର୍ଯ୍ୟନ୍ତ ସେମାନଙ୍କର ଫିଡବ୍ୟାକ୍ ବହୁତ ଭଲ ଅଛି । ବରିଷ୍ଠ ଅଧିକାରୀମାନେ ମଧ୍ୟ ସେହିଭଳି ଭାବେ ସଂକ୍ରମିତ କୋଭିଡ ଯୋଦ୍ଧାଙ୍କ ସହିତ ଆଲୋଚନା କରିବା ପାଇଁ ସେ ପରାମର୍ଶ ଦେଇଥିଲେ । ଏହାଦ୍ୱାରା ଯୋଦ୍ଧା ମାନଙ୍କ ମନୋବଳ ବୃଦ୍ଧି ପାଇବ ବୋଲି ସେ ମତ ଦେଇଥିଲେ ।

ବିଭିନ୍ନ ସରକାରୀ ଅଫିସମାନେ ଯେପରି ସଂକ୍ରମଣମୁକ୍ତ ରହିବେ ତାହା ଉପରେ ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ଆରୋପ କରିଥିଲେ । କୋଭିଡ ନିୟମର କଡ଼ାକଡି ଅନୁପାଳନ କରି ସରକାରୀ କାର୍ଯ୍ୟାଳୟ ଗୁଡିକୁ ଶୂନ୍ୟ ସଂକ୍ରମଣ ଅଞ୍ଚଳ କରି ରଖିବା, କର୍ମଚାରୀମାନେ କ'ଣ କରିବେ, କ'ଣ ନ କରିବେ ସେ ସଂପର୍କରେ ବ୍ୟାପକ ସଚେତନ କରିବାକୁ ସେ ପରାମର୍ଶ ଦେଇଥିଲେ । ସବୁ କାର୍ଯ୍ୟାଳୟର ମୁଖ୍ୟ ଏଥିପାଇଁ ଦାୟୀ ରହିବେ ବୋଲି ମୁଖ୍ୟମନ୍ତ୍ରୀ ସତର୍କ କରି ଦେଇଛନ୍ତି ।

କୋଭିଡ ସଂକ୍ରମଣ ରୋକିବାରେ ମାସ୍କର ବିଶେଷ ଗୁରୁତ୍ୱ ରହିଛି । ତେଣୁ ମାସ୍କର ଉପଯୁକ୍ତ ବ୍ୟବହାର ଓ ସାମାଜିକ ଦୂରତା ନିୟମର କଡ଼ାକଡ଼ି ପାଳନ ସହିତ ଉଲ୍ଲଙ୍ଘନ କ୍ଷେତ୍ରରେ କଡ଼ା ▶▶ ୭